# ଆଜି ଅନୁଗୋଳ ଜିଲ୍ଲାରୁ ୦୩ ଜଣ କରୋନା ପଜିଟିଭ ଚିହ୍ନଟ -

## ପଜିଟିଭ ସଂଖ୍ୟା ୧୨୩୯୫ରେ ପହଞ୍ଚିଲା- ସୁସ୍ଥ ହେଲେ ୦୨ ଜଣ ।

ଅନୁଗୋଳ, ତା.୧୨.୦୩:- ଆଜି ଅନୁଗୋଳ ଜିଲ୍ଲାରେ ୦୩ ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଥିବାର ଜଣାପଡିଛି । ସେହିପରି ଅନ୍ୟ ଜିଲ୍ଲାରୁ ଅନୁଗୋଳରେ ସ୍ୱାବ ନମୁନା ଦେଇଥିବା ବ୍ୟକ୍ତିମାନଂକ ମଧ୍ୟରୁ କେହି ଆକ୍ରାନ୍ତ ଚିହ୍ନଟ ହୋଇ ନଥିବାରୁ ସମୁଦାୟ ଆକ୍ରାନ୍ତଂକ ସଂଖ୍ୟା ୨୪୨ ରେ ରହିଛି । ଅନୁଗୋଳ ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଂକ ମଧ୍ୟରେ ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୨ଜଣ (୨ଜଣ ମହିଳା) ଓ କଣିହାଁ ବ୍ଲକ ଅଂଚଳରୁ ୧ଜଣ( ୧ଜଣ ପୁରୁଷ )ଅଛନ୍ତି । ଚିହ୍ନଟ ହୋଇଥିବା ସମସ୍ତ ଲକ୍ଷଣଯୁକ୍ତ ଆକ୍ରାନ୍ତମାନଂକୁ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟର କରୋନା ୱାର୍ଡକୁ ଚିକିତ୍ସା ନିମନ୍ତେ ସ୍ଥାନାନ୍ତର କରାଯାଉଥିବା ବେଳେ ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଂକୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ଆଜି ଅନୁଗୋଳ ଜିଲ୍ଲାରୁ ସୁସ୍ଥ ହୋଇଥିବା ୦୨ ଜଣ ଯାକ ହୋମ Isolation ରେ ଥିବାର ଜଣାପଡିଛି ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ,ଅନୁଗୋଳ ।

ଜ୍ଞାପକ ସଂଖ୍ୟା. ୧୮୯ ତା.୧୨.୦୩.୨୦୨୧ ।

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରା ଗଲା ।

(ସ୍ୱାକ୍ଷର) ୧୨/୦୩/୨୧

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ,
ଅନୁଗୋଳ